# ଅନୁଗୋଳ ଜିଲ୍ଲା ସ୍ତରୀୟ ୭୩ ତମ ସ୍ୱାଧୀନତା ଦିବସ ପାଳନ ଉପଲକ୍ଷେ ପ୍ରସ୍ତୁତି ବୈଠକ ।

## Preparatory meeting of 73rd District level Independence Day.

ଅନୁଗୋଳ,ତା.୧୬.୭ :- ଜିଲ୍ଲା ସ୍ତରୀୟ ୭୩ ତମ ସ୍ୱାଧୀନତା ଦିବସ ପାଳନ ନିମନ୍ତେ ଆଜି ଅପରାହ୍ନରେ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଏକ ପ୍ରସ୍ତୁତି ବୈଠକ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ସ୍ୱାଧୀନତା ଦିବସକୁ ସରସ ସୁନ୍ଦର ଭାବେ ପାଳନ କରିବା ନିମନ୍ତେ ସମସ୍ତଙ୍କର ସକ୍ରିୟ ଅଂଶଗ୍ରହଣ ଓ ସହଯୋଗ ଉପରେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ । ସ୍ୱାଧୀନତା ଦିବସର ସମସ୍ତ କାର୍ଯ୍ୟକ୍ରମକୁ ନିର୍ଦ୍ଧାରିତ ସମୟ ମଧ୍ୟରେ ଆୟୋଜନ କରିବା ସହ ସମସ୍ତ ପ୍ରକାର ଆନୁସଙ୍ଗିକ ବ୍ୟବସ୍ଥାକୁ ସଠିକ୍ ଭାବେ କରିବାକୁ ବିଭାଗୀୟ କର୍ମକର୍ତ୍ତାଙ୍କୁ ସେ ପରାମର୍ଶ ଦେଇଛନ୍ତି । ଅନୁଗୋଳ ଜିଲ୍ଲାରେ ପରିବେଶ ପ୍ରଦୂଷଣକୁ ଦୃଷ୍ଟିରେ ରଖି ବିଭିନ୍ନ ପ୍ରତିଯୋଗିତାର ପ୍ରତିଯୋଗୀମାନଙ୍କୁ ପୂର୍ବ ବର୍ଷ ଭଳି ପୁରସ୍କାର ସହିତ ଫଳଯୁକ୍ତ ବୃକ୍ଷ ଚାରା ପ୍ରଦାନ କରାଯିବ । ଏହାଛଡା ସ୍ୱାଧୀନତା ଦିବସ ପାଳନ ପୂର୍ବରୁ ଅନୁଷ୍ଠିତ ହେଉଥିବା ବିଭିନ୍ନ କାର୍ଯ୍ୟକ୍ରମକୁ ବ୍ୟବସ୍ଥିତ ଓ ଆକର୍ଷଣୀୟ ଭାବରେ କରିବାକୁ ସମ୍ପୃକ୍ତ ଅନୁଷ୍ଠାନର କର୍ମକର୍ତ୍ତାମାନଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ସ୍ୱାଧୀନତା ଦିବସ ପାଳନ ଉପଲକ୍ଷେ ଅନୁଗୋଳ ଶିକ୍ଷା ଜିଲ୍ଲାରେ ଗତ ହାଇସ୍କୁଲ ସାର୍ଟିଫିକେଟ ପରୀକ୍ଷାରେ ସର୍ବାଧିକ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥିବା ଜଣେ ଛାତ୍ର ଓ ଜଣେ ଛାତ୍ରୀଙ୍କୁ ପୁରସ୍କୃତ କରାଯିବ । ସେହିପରି ସି ବି ଏସ୍ ଇ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥିବା ଜଣେ ଛାତ୍ର ଓ ଛାତ୍ରୀଙ୍କୁ ମଧ୍ୟ ପୁରସ୍କୃତ କରାଯିବ । ଏହି ମେଧାବୀ ଛାତ୍ର ଛାତ୍ରୀମାନଙ୍କୁ ଅମ ସଂସ୍କୃତି,ପତଂଜଳୀ ଯୋଗ ସମିତି,ଶ୍ରୀ ଅଜୟ କୁମାର ଦାସ ଓ ଲିଟିଲ ହାର୍ଟସ୍ ଟେଲଗସ୍ ଏକାଡେମୀ ଦ୍ୱାରା ପୁରସ୍କୃତ କରାଯିବ । ଅଗଷ୍ଟ ୫ ତାରିଖରେ ଅନୁଗୋଳ ସ୍ୱୟଂ ଶାସିତ ମହାବିଦ୍ୟାଳୟ,ଅନୁଗୋଳ ମହିଳା ମହାବିଦ୍ୟାଳୟ ଓ ଅନୁଗୋଳ ଉଚ୍ଚ ବିଦ୍ୟାଳୟ ଠାରେ ମହାବିଦ୍ୟାଳୟ ଓ ଉଚ୍ଚ ବିଦ୍ୟାଳୟ ସ୍ତରୀୟ ବକ୍ତୃତା ଓ ଦେଶାତ୍ମବୋଧକ କଣ୍ଠ ସଙ୍ଗୀତ ପ୍ରତିଯୋଗିତା ଅନୁଷ୍ଠିତ ହେଉଥିବା ବେଳେ ୬ତାରିଖରେ ବକ୍ତୃତା,ଦେଶାତ୍ମବୋଧକ କଣ୍ଠ ସଙ୍ଗୀତ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଉଚ୍ଚ ପ୍ରାଥମିକ,ପ୍ରାଥମିକ,ଇଂରାଜି ମାଧ୍ୟମ ଓ ପ୍ଲି-ସ୍କୁଲ ସ୍ତରୀୟ ଛାତ୍ର ଛାତ୍ରୀମାନଙ୍କ ମଧ୍ୟରେ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଠାରେ ଅନୁଷ୍ଠିତ ହେବ । ଏହାଛଡା ସ୍ୱାଧୀନତା ଦିବସ ମୁଖ୍ୟ ଉତ୍ସବ ଦିନ ସନ୍ଧ୍ୟାରେ ଜିଲ୍ଲା ସଂସ୍କୃତି ପରିଷଦ ଆନୁକୂଲ୍ୟରେ ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଏହା ପୂର୍ବରୁ କୌତୁକ ପୋଷାକ ଓ ଏକକ ଅଭିନୟ ପ୍ରତିଯୋଗିତା ପୌର ପରିଷଦ ଟାଉନ୍ ହଲ୍ ଠାରେ ଅନୁଷ୍ଠିତ ହେବ । ସେହିପରି ଅଗଷ୍ଟ ୧୧,୧୨ ଓ ୧୩ ତାରିଖ ପ୍ରତ୍ୟହ ସକାଳ ୭.୩୦ ମିନିଟ୍ ସମୟରେ ଅନୁଗୋଳ ଷ୍ଟାଡିୟମ ଠାରେ ପରେଡ ଅଭ୍ୟାସ ରିଜର୍ଭ ଇନ୍ସପେକ୍ଟରଙ୍କ ତତ୍ତ୍ୱାବଧାନରେ କରାଯିବ । ସ୍ୱାଧୀନତା ଦିବସ ଉପଲକ୍ଷେ ଅନୁଷ୍ଠିତ ହେଉଥିବା ଆନୁଷ୍ଠାନିକ ପରେଡ ସମାରୋହକୁ ଅଧିକ ଆକର୍ଷଣୀୟ ଓ ଚିତ୍ତାକର୍ଷକ କରିବା ନିମନ୍ତେ ବିଭିନ୍ନ ଅନୁଷ୍ଠାନରୁ ଅଂଶଗ୍ରହଣ କରୁଥିବା ଛାତ୍ର ଛାତ୍ରୀମାନଙ୍କର ପରେଡ ପ୍ରଦର୍ଶନକୁ ସଠିକ୍ ଭାବେ ଯାଂଚ କରିବାକୁ ଜିଲ୍ଲାପାଳ ରିଜର୍ଭ ଇନ୍ସପେକ୍ଟରଙ୍କୁ ପରାମର୍ଶ ଦେଇଛନ୍ତି । ୩ ଦିନ ବ୍ୟାପି ହେଉଥିବା ପରେଡ ଅଭ୍ୟାସ ଦିନଗୁଡିକରେ ପ୍ରଥମ ଦିନରେ ଯେଉଁମାନେ ଅଂଶଗ୍ରହଣ ନ କରିବେ ସେ ଦଳ ଗୁଡିକୁ ପରେଡରୁ ବାଦ୍ ଦିଆଯିବ । ଗଳିତ ବର୍ଷ ୭୩ତମ ସ୍ୱାଧୀନତା ଦିବସ ପାଳନର ଆନୁଷ୍ଠାନିକ ମାର୍ଚ୍ଚ ପାଷ୍ଟରେ ବିଭିନ୍ନ ଶିକ୍ଷାନୁଷ୍ଠାନରୁ ୫୦ ଗୋଟି ଦଳ ଅଂଶଗ୍ରହଣ କରିବେ । ସ୍ୱାଧୀନତା ଦିବସ ପାଳନ ଅବସରରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀମାନଙ୍କୁ ଫଳ ବଣ୍ଟନ ଓ ଜେଲର ଅନ୍ତେବାସୀମାନଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଯିବ । ଅନୁଗୋଳ ରକ୍ତ ଭଣ୍ଡାର ଆନୁକୂଲ୍ୟରେ ଓ ବିଭିନ୍ନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ସହାୟତାରେ ସ୍ୱେଚ୍ଛାକୃତ ରକ୍ତ ଦାନ ଶିବିର ରକ୍ତ ଭଣ୍ଡାର ଠାରେ ଅନୁଷ୍ଠିତ ହେବ । ପରେଡ ପରେ ପଡିଆରେ ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ର ଛାତ୍ରୀମାନଙ୍କ ଦ୍ୱାରା ଜାତୀୟତାଭିତ୍ତିକ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯିବ । ଏହାଛଡା ସ୍ୱାଧୀନତା ଦିବସ ପାଳନ ଉପଲକ୍ଷେ ଏକ ବନ୍ଧୁତ୍ୱପୂର୍ଣ୍ଣ ଫୁଟବଲ ମ୍ୟାଚ ଜିଲ୍ଲା କ୍ରୀଡା ସଂସଦ ଆନୁକୂଲ୍ୟରେ ଆୟୋଜନ କରାଯିବ । ବୈଠକ ପ୍ରାରମ୍ଭରେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଶରତ ଚନ୍ଦ୍ର ସେଠୀ ସମସ୍ତଙ୍କୁ ସ୍ୱାଗତ ଜଣାଇବା ସହ ଗତ ସ୍ୱାଧୀନତା ଦିବସର ବିବରଣୀ ପାଠ କରିଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି,ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ସଚ୍ଚିଦାନନ୍ଦ ବେହେରାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ, ସ୍ୱେଚ୍ଛାସେବୀ ଅନୁଷ୍ଠାନର କର୍ମକର୍ତ୍ତା ଓ ବିଭିନ୍ନ ଶିକ୍ଷାନୁଷ୍ଠାନର ଶିକ୍ଷକ ଶିକ୍ଷୟିତ୍ରୀ, ବିଶିଷ୍ଟ ବ୍ୟକ୍ତି, ବୁଦ୍ଧିଜୀବୀ ଓ ଶିଳ୍ପ ସଂସ୍ଥାର କର୍ମକର୍ତ୍ତାମାନେ ଯୋଗ ଦେଇଥିଲେ ।